ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1205/03-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୩ ଫେବୃଆରୀ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଭୁବନେଶ୍ୱରର ଟଙ୍କପାଣି ରୋଡ୍‌ସ୍ଥିତ ସାଇ ମନ୍ଦିର ଛକଠାରେ କଟକ-ପୁରୀ ବାଇପାସ୍ ରୋଡ଼ରେ ଏଲ୍ଇଡ଼ି ଷ୍ଟ୍ରିଟ୍ ଲାଇଟ୍ ଆଲୋକୀକରଣ ବ୍ୟବସ୍ଥାର ଉଦ୍‌ଘାଟନ କରିଛନ୍ତି । ପଳାଶୁଣୀ ଛକଠାରୁ ଲିଙ୍ଗିପୁର ଛକ ପର୍ଯ୍ୟନ୍ତ ୧୨ କିଲୋମିଟର ରାସ୍ତାରେ ଏହି ଆଲୋକୀକରଣ ବ୍ୟବସ୍ଥା ଯୋଗୁ ବିଦ୍ୟୁତ ଶକ୍ତି ଖର୍ଚ୍ଚ କମିବା ସହିତ ଗାଡ଼ିଚାଳକ ଓ ପଥଚାରୀମାନଙ୍କ ଯାତାୟତ ଅଧିକ ନିରାପଦ ହେବ ବୋଲି ସେ କହିଛନ୍ତି ।

- ମାନ୍ୟବର ମନ୍ତ୍ରୀ ଶ୍ରୀ ପ୍ରତାପ ଜେନା, ମାନ୍ୟବର ମନ୍ତ୍ରୀ ଶ୍ରୀ ଅଶୋକ ଚନ୍ଦ୍ର ପଣ୍ଡା, ମାନ୍ୟବର ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା, ମାନ୍ୟବର ବିଧାୟକ ଶ୍ରୀ ସୁଶାନ୍ତ କୁମାର ରାଉତ, ପୌର ପ୍ରଶାସନ ନିର୍ଦ୍ଦେଶକ ଶ୍ରୀ ସଂଗ୍ରାମଜିତ ନାୟକ ଓ ଭୁବନେଶ୍ୱର ମହାନଗର ନିଗମର କମିଶନର ଶ୍ରୀ ପ୍ରେମଚାନ୍ଦ ଚୌଧାରୀ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ମାନ୍ୟବର କେନ୍ଦ୍ର ମନ୍ତ୍ରୀ ଶ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ମାନ୍ୟବର କେନ୍ଦ୍ର ମନ୍ତ୍ରୀ ଶ୍ରୀ ନୀତିନ ଗଡ଼କରୀଙ୍କ ସହ ଗୁରୁତ୍ୱପୂର୍ଣ୍ଣ ଜାତୀୟ ରାଜପଥ ପ୍ରକଳ୍ପଗୁଡ଼ିକ ନେଇ ଆଲୋଚନା କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଖଣିସମୃଦ୍ଧ କେନ୍ଦୁଝର ଜିଲ୍ଲାରେ ନିର୍ମାଣାଧୀନ ପ୍ରକଳ୍ପଗୁଡ଼ିକୁ ଶୀଘ୍ର ଶେଷ କରିବା ପାଇଁ ପ୍ରସ୍ତାବ ଦେବା ସହ ଏହା ରାଜ୍ୟର ଅର୍ଥନୀତି ଏବଂ ଇସ୍ପାତ ଶିଳ୍ପ ପାଇଁ ଗୁରୁତ୍ୱପୂର୍ଣ୍ଣ ସାବ୍ୟସ୍ତ ହେବ ବୋଲି କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ୬ ଭାଗରେ ବିଭକ୍ତ ପାରାଦୀପଠାରୁ ବରବିଲ୍ ପର୍ଯ୍ୟନ୍ତ ୩୦୦ କିମି ଦୀର୍ଘ ୮ ଥାକିଆ ସମନ୍ୱିତ ଆର୍ଥିକ କରିଡର ନିର୍ମାଣ ପାଇଁ ପ୍ରସ୍ତାବ ଦେଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଏହି ରାସ୍ତାଗୁଡ଼ିକୁ ମଧ୍ୟବର୍ତ୍ତୀକାଳୀନ ବ୍ୟବସ୍ଥାନୁସାରେ ୪ ଥାକିଆ କରିବା ପାଇଁ ପ୍ରସ୍ତାବ ଦେଇଛନ୍ତି ଏବଂ ଓଡ଼ିଶା ଏହି ଆର୍ଥିକ କରିଡର୍‌ରେ ଅଂଶୀଦାର ହେବା ସହ ସମସ୍ତ ପ୍ରକାର ସହଯୋଗ ପ୍ରଦାନ କରିବ ବୋଲି କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ୩୦୦ କିମି ସାତପଡ଼ା-ଦୀଘା ଉପକୂଳ ରାଜପଥ ଏବଂ ଏହି ପ୍ରକଳ୍ପ ସଂପର୍କିତ ବିଭିନ୍ନ ସମସ୍ୟାର ତୁରନ୍ତ ସମାଧାନ ପାଇଁ ପ୍ରସ୍ତାବ ଦେଇଛନ୍ତି । ତୁରନ୍ତ କାର୍ଯ୍ୟାରମ୍ଭ ଉଦ୍ଦେଶ୍ୟରେ ରାଜ୍ୟ ସରକାର

ଏହି ପ୍ରକଳ୍ପ ପାଇଁ ଆବଶ୍ୟକ ମଂଜୁରୀ ପ୍ରଦାନ କରିଛନ୍ତି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ସୂଚନା ଦେବା ପରେ ମାନ୍ୟବର କେନ୍ଦ୍ରମନ୍ତ୍ରୀ ଏହି ପ୍ରସ୍ତାବରେ ସମ୍ମତି ପ୍ରଦାନ କରିଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଅନ୍ୟ ପ୍ରକଳ୍ପଗୁଡ଼ିକ ମଧ୍ୟରେ ରିମୁଳି-କୋଇଡ଼ା ୪୩ କିମି ୪ ଥାକିଆ ରାସ୍ତା,ଏନ୍‌ଏଚ୍-୨୦ର ସିଙ୍ଗରା-ବିଞ୍ଜିବାହାଲ ୧୦୪ କିମି ଏବଂ ପାଣିକୋଇଲି-ରିମୁଳି ୧୬୬ କିମି ରାସ୍ତା, ଓଡ଼ିଶାର ବନ୍ଦରମାନଙ୍କୁ ରାସ୍ତା ସଂଯୋଗୀକରଣ ପ୍ରକଳ୍ପ, ଆମପାଣି-ଜୟପୁର ରାସ୍ତା, ଭୁବନେଶ୍ୱର-ପୁରୀ ଏକ୍ସପ୍ରେସ୍ ୱେ ଏବଂ ରାୟପୁର-ବିଶାଖାପାଟଣା ରାସ୍ତା ନେଇ ଆଲୋଚନା ହୋଇଥିଲା ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍ ସ୍ଥିତିରେ ଛାତ୍ରଛାତ୍ରୀଙ୍କ ହିତକୁ ଦୃଷ୍ଟିରେ ରଖି ରାଜ୍ୟର ସରକାରୀ ଆଇଟିଆଇରେ ପଢୁଥିବା ଛାତ୍ରଛାତ୍ରୀଙ୍କ ୯ ମାସର ହଷ୍ଟେଲ୍ ଫି ଛାଡ଼ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହା ଦ୍ୱାରା ସରକାରୀ ଆଇଟିଆଇରେ ପଢୁଥିବା ୩୦ ହଜାର ଛାତ୍ରଛାତ୍ରୀ ସିଧାସଳଖ ଉପକୃତ ହେବେ ବୋଲି ସେ କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୭,୭୪,୪୭୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୫,୨୮୨ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୨,୩୭୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୬ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୯୪୬ ରହିଛି ।
- ୯୪୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**